ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୯୨ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୪୧୧୦ରେ ପହଞ୍ଚିଲା - ସୁସ୍ଥ ହେଲେ ୬୭ ଜଣ ।

ଅନୁଗୋଳ, ତା.୨୫.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୧୯୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୬ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୩୦୩ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ପୌରାଞ୍ଚଳରୁ ୩୧ଜଣ ( ୨୨ଜଣ ପୁରୁଷ ଓ ୯ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୮ଜଣ ( ୨୪ଜଣ ପୁରୁଷ ଓ ୪ଜଣ ମହିଳା), ବଣ୍ଡଁରପାଳ ବ୍ଲକ୍ ଅଂଚଳରୁ ୨୮ଜଣ ( ୧୬ଜଣ ପୁରୁଷ ଓ ୧୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୬ଜଣ(୧୮ ଜଣ ପୁରୁଷ ଓ ୮ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୨ଜଣ( ୧୫ଜଣ ପୁରୁଷ ଓ ୭ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨୧ଜଣ ( ୧୯ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୨୦ଜଣ ( ୧୪ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୧ଜଣ ( ୯ଜଣ ପୁରୁଷ ଓ ୨ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ (୨ ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ସୁସ୍ଥ ହୋଇଥିବା ୬୭ ଜଣଙ୍କ ମଧ୍ୟରୁ ୨୨ ଜଣ ଆଦର୍ଶ କୋଭିଡ କେୟାର ସେଣ୍ଟରରେ ରହିଥିବାବେଳେ ୪୫ ଜଣ ହୋମ Isolation ରେ ରହିଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୭୭ ତା.୨୫.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ